## ନାଟକର ସାମାଜିକ ପ୍ରାସଙ୍ଗିକତା ଆଲୋଚନାଚକ୍ର

# 'ସାହିତ୍ୟ ଓ ସଂସ୍କୃତିର ସମନ୍ୱୟ ହେଉଛି ନାଟକ'

ଭୁବନେଶ୍ୱର, ୨୮ ।୪ (ସମିସ)

ନାଟକ ସାହିତ୍ୟ ଓ ସଂସ୍କୃତିର ସମନ୍ୱୟ। ସାଧାରଣ ମଣିଷର ସ୍ୱରକୁ ଉପସ୍ଥାପନ କରିବାର ସର୍ବଶ୍ରେଷ୍ଠ ମାଧ୍ୟମ। କେନ୍ଦ୍ର ସାହିତ୍ୟ ଅକାଦେମି ଏବଂ ରାଜ୍ୟର ପୁରାତନ ନାଟ୍ୟାନୁଷ୍ଠାନ 'ଶତାବ୍ଦୀର କଳାକାର'ର ମିଳିତ ଆନୁକୂଲ୍ୟରେ 'ନାଟକର ସାମାଜିକ ପ୍ରାସଙ୍ଗିକତା' ଆଲୋଚନାଚକ୍ରକୁ ଉଦ୍‌ଘାଟନ କରି ନାଟ୍ୟ ନିର୍ଦ୍ଦେଶକ ଅନନ୍ତ ମହାପାତ୍ର ଏହା କହିଛନ୍ତି। ଭଞ୍ଜକଳା ମଣ୍ଡପରେ ଅନୁଷ୍ଠିତ ଏହି ଆଲୋଚନାଚକ୍ରରେ ଅକାଦେମିର ଓଡ଼ିଆ ଉପଦେଷ୍ଟା ମଣ୍ଡଳୀର ଆବାହକ ତଥା କଥାକାର ଗୌରହରି ଦାସ ଅଧ୍ୟକ୍ଷତା କରି ଆମ ସମାଜ ଉପରେ ନାଟକର ପ୍ରଭାବ ସବୁଠୁ ଅଧିକ। ଏହା ଏକ ଆବେଗିକ ସାକ୍ଷର ସୃଷ୍ଟି କରିଥାଏ ବୋଲି କହିଥିଲେ। ଅକାଦେମିର ସାଧାରଣ ପରିଷଦ ସଦସ୍ୟ ପ୍ରଫେସର ବିଜୟ କୁମାର ଶତପଥୀ ଭିତ୍ତି ପ୍ରବନ୍ଧ ଉପସ୍ଥାପନ କରି କହିଲେ, ନାଟକ ଏମିତି ଏକ ମାଧ୍ୟମ ଯେଉଁଥିରେ ପ୍ରେମ, ବିଦ୍ରୋହ, ପ୍ରତିବାଦ, ସଂଘର୍ଷ ସବୁ ଉପାଦାନ ଭରି ହୋଇରହିଥାଏ। ଏଥିରେ ସବୁ ବର୍ଗର ମଣିଷର କଥା ଓ ବ୍ୟଥା ରହିଥାଏ। ଅକାଦେମି କୋଲକାତା କାର୍ଯ୍ୟାଳୟର ଭାରପ୍ରାପ୍ତ ଅଧିକାରୀ କ୍ଷେତ୍ରବାସୀ ନାୟକ ସ୍ୱାଗତ ଭାଷଣ ଦେଉଥିବାବେଳେ ଶତାବ୍ଦୀର କଳାକାରର ସାଧାରଣ ସମ୍ପାଦକ ଧୀର ମଲ୍ଲିକ୍ ଧନ୍ୟବାଦ ଦେଇଥିଲେ। ଆଲୋଚନାରେ ବିଶିଷ୍ଟ ନାଟ୍ୟବ୍ୟକ୍ତିତ୍ୱ ନାରାୟଣ ସାହୁ, ବିଜୟ କୁମାର ଶତପଥୀ, ନରେନ୍ଦ୍ର ମିଶ୍ର, ସତ୍ୟବ୍ରତ ରାଉତ, ଗୌରାଙ୍ଗ ରାଉତ, ପ୍ରବୋଧ ରଥ, ଲକ୍ଷେନ୍ଦୁ ରଥ, ଉପେନ୍ଦ୍ର ପ୍ରସାଦ ନାୟକ ପ୍ରମୁଖ ପ୍ରବନ୍ଧ ଉପସ୍ଥାପନ କରିଥିଲେ। ପ୍ରଥମ ଅଧିବେଶନରେ ପୂର୍ଣ୍ଣଚନ୍ଦ୍ର ମଲ୍ଲିକ ଅଧ୍ୟକ୍ଷତା କରିଥିବାବେଳେ ଶତାବ୍ଦୀର କଳାକାରର ଉପଦେଷ୍ଟା ବିଜୟ କୁମାର ଦାସ ଧନ୍ୟବାଦ ଦେଇଥିଲେ। ବହୁ ନାଟ୍ୟବିତ୍ ଓ ନାଟ୍ୟପ୍ରେମୀ ଏଥିରେ ଅଂଶଗ୍ରହଣ କରିଥିଲେ।

ଶତାବ୍ଦୀର କଳାକାରର ସ୍ୱର୍ଣ୍ଣ ଜୟନ୍ତୀ ଉତ୍ସବ ଅବସରରେ ସନ୍ଧ୍ୟାରେ ୧୯୯୯ ମହାବାତ୍ୟାରେ ଘଟିଥିବା ଏକ କରୁଣ କାହାଣୀକୁ ନେଇ ରଚିତ ନାଟକ 'ହାରମୋନିୟମ' ମଞ୍ଚସ୍ଥ ହୋଇଥିଲା। ଡ଼. ଗୌରହରି ଦାସଙ୍କ ଗଳ୍ପ, ବିଜୟ ଶତପଥୀଙ୍କ ନାଟ୍ୟରୂପ ଓ ଡ଼. ଆଲୋକ ଅଗ୍ନିବେଶଙ୍କ ନିର୍ଦ୍ଦେଶିତ ଏହି ନାଟକ ପରିବେଷଣପୂର୍ବରୁ ଅତିଥି ଭାବେ ନାଟ୍ୟ ନିର୍ଦ୍ଦେଶକ ଅନନ୍ତ ମହାପାତ୍ର, ପୂର୍ବତନ ମନ୍ତ୍ରୀ ପ୍ରଫୁଲ୍ଲ ସାମଲ ଉପସ୍ଥିତ ରହିଥିଲେ।